ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୯୧ ଜଣ କରୋନା ପଜିଟିଭ ଚିହ୍ନଟ ।

ପଜିଟିଭ ସଂଖ୍ୟା ୪୦୯୫୩ରେ ପହଞ୍ଚିଲା - ସୁସ୍ଥ ହେଲେ ୧୮୧ ଜଣ ।

ଅନୁଗୋଳ, ତା.୦୨.୦୭:- ଆଜି ଅନୁଗୋଳ ଜିଲ୍ଲାରେ ୯୧ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣଁରପାଳ ବ୍ଲକ୍ ଅଂଚଳରୁ ୧୫ଜଣ ( ୧୨ଜଣ ପୁରୁଷ ଓ ୩ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୧ଜଣ (୯ ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୧ଜଣ ( ୯ଜଣ ପୁରୁଷ ଓ ୨ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୦ଜଣ ( ୬ଜଣ ପୁରୁଷ ଓ ୪ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୧୦ଜଣ (୮ ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୯ଜଣ ( ୬ଜଣ ପୁରୁଷ ଓ ୩ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୭ଜଣ ( ୪ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୬ଜଣ (୫ ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା) ଓ ତାଳଚେର ପୌରାଞ୍ଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କ ମଧ୍ୟରୁ ୩୬ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ଅନ୍ୟମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୮୧ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୭୧ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୨ ଲକ୍ଷ ୯୩ହଜାର ୪୫୮ ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୮୭ ତା.୦୨.୦୭.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

2/7/2021

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ